**Sankha Bhawan**
Plot No. 798, Unit - VI
Bhubaneswar - 751001, Odisha

Ph : 0674-2393464, 2395979
email : bijujanatadal@gmail.com

**BJD**

# BIJU JANATA DAL

<u>ବିଜେଡିର ମିଶ୍ରଣ ପର୍ବ</u>

## ବିଜେଡ଼ିରେ ଯୋଗଦେଲେ କୁଚିଣ୍ଡାର ପୂର୍ବତନ ବିଜେପି ବିଧାୟକ ବୃନ୍ଦାବନ ମାଝୀ

**ଭୁବନେଶ୍ୱର, ୩୧/୦୩/୨୦୨୪:** ସମ୍ବଲପୁର ଜିଲ୍ଲା ଅନ୍ତର୍ଗତ କୁଚିଣ୍ଡା ନିର୍ବାଚନମଣ୍ଡଳୀର ପୂର୍ବତନ ବିଜେପି ବିଧାୟକ ବୃନ୍ଦାବନ ମାଝୀଙ୍କ ସମେତ ଶତାଧିକ ବିଜେପି କର୍ମକର୍ତ୍ତା ଓ ନିର୍ବାଚିତ ପ୍ରତିନିଧି ଆଜି ଶଙ୍ଖଭବନ ଠାରେ କୁଚିଣ୍ଡା ବିଧାୟକ କିଶୋର ଚନ୍ଦ୍ର ନାୟକ ଓ ରାଜ୍ୟସଭା ଡକ୍ଟର ସସ୍ମିତ ପାତ୍ରଙ୍କ ଉପସ୍ଥିତିରେ ବିଜେଡିରେ ଯୋଗ ଦେଇଛନ୍ତି । ଦଳରେ ସାମିଲ୍ ହୋଇଥିବା ପୂର୍ବତନ ବିଜେପି ବିଧାୟକ ବୃନ୍ଦାବନ ମାଝୀ ଏବଂ ଶତାଧିକ କର୍ମକର୍ତ୍ତା ଓ ନିର୍ବାଚିତ ପ୍ରତିନିଧିଙ୍କୁ ଶ୍ରୀ ନାୟକ ଓ ଡକ୍ଟର ପାତ୍ର ଉପଢୌକନ ଦେଇ ଦଳକୁ ସ୍ୱାଗତ କରିଥିଲେ । ଆଜି ବିଜେପି କର୍ମୀଙ୍କ ଯୋଗଦାନ ଫଳରେ ବିଶେଷକରି କୁଚିଣ୍ଡା ନିର୍ବାଚନ ମଣ୍ଡଳୀରେ ଦଳୀୟ ସଂଗଠନ ଆହୁରି ମଜଭୂତ ହେବ ବୋଲି ଶ୍ରୀ ନାୟକ ଓ ଡକ୍ଟର ପାତ୍ର କହିଥିଲେ ।

ଏହି ଅବସରରେ ବିଜେଡ଼ିରେ ସାମିଲ୍ ହୋଇଥିବା ପୂର୍ବତନ ବିଜେପି ବିଧାୟକ ବୃନ୍ଦାବନ ମାଝୀ ନିଜ ପ୍ରତିକ୍ରିୟାରେ କହିଥିଲେ ଯେ, ମାନ୍ୟବର ମୁଖ୍ୟମନ୍ତ୍ରୀ ତଥା ବିଜେଡ଼ି ସୁପ୍ରିମୋ ଶ୍ରୀଯୁକ୍ତ ନବୀନ ପଟ୍ଟନାୟକଙ୍କ ଲୋକାଭିମୁଖୀ କାର୍ଯ୍ୟ, ସ୍ୱଚ୍ଛ ଶାସନ, ନିର୍ମଳ ଭାବମୂର୍ତ୍ତି ଓ ନୀତି ଆଦର୍ଶରେ ଅନୁପ୍ରାଣିତ ହୋଇ ଆଜି ବିଧିବଦ୍ଧ ଭାବେ ବିଜେଡିରେ ଯୋଗ ଦେଲି । ନୂତନ ଓଡ଼ିଶା ଗଠନ ଦିଗରେ ମାନ୍ୟବର ମୁଖ୍ୟମନ୍ତ୍ରୀ ମୋତେ ଯାହା ଦାୟିତ୍ୱ ଦେବେ ତାକୁ ସୂଚାରୁ ରୂପେ ତୁଲାଇବି । ଦଳରେ ମୋତେ ଏବଂ ମୋ ସହ ଯୋଗ ଦେଇଥିବା ସମସ୍ତ ବିଜେପି କର୍ମୀଙ୍କୁ ଗ୍ରହଣ କରିଥିବାରୁ ମୁଖ୍ୟମନ୍ତ୍ରୀ ନବୀନ ପଟ୍ଟନାୟକ, ଦଳର ସାଂଗଠନିକ ସମ୍ପାଦକ ପ୍ରଣବ ପ୍ରକାଶ ଦାସ ଏବଂ ସମସ୍ତ ନେତୃବୃନ୍ଦଙ୍କୁ କୃତଜ୍ଞତା ଜ୍ଞାପନ କରୁଛୁ ।

ଏହି ମିଶ୍ରଣ ପର୍ବରେ ଲଇକେରା ନିର୍ବାଚନମଣ୍ଡଳୀର ପୂର୍ବତନ ଜନତା ଦଳ ସଭାପତି ଅଭିମନ୍ୟୁ ନାଏକ, ପୂର୍ବତନ ବ୍ଲକ ଉପସଭାପତି ପ୍ରମୋଦ କୁମାର ନାଏକ, ଗ୍ରାମପଞ୍ଚାୟତ ସଂଗଠକ ଦିବ୍ୟରାଜ ସାହୁ, ଜମନକିରା ବ୍ଲକର ଯୁବ ସଂଗଠକ ଅନାଦୀ ମିର୍ଦ୍ଧା ଓ ପ୍ରମୋଦ ମିର୍ଦ୍ଧାଙ୍କ ସହ ଶତାଧିକ ବିଜେପି କର୍ମୀ ବିଜେଡ଼ିରେ ସାମିଲ ହୋଇଥିଲେ । ଶେଷରେ ବିଜେଡ଼ି ମୁଖପାତ୍ର ଡଃ ପ୍ରିୟବ୍ରତ ମାଝୀ ଧନ୍ୟବାଦ ଅର୍ପଣ କରିଥିଲେ ।

ଡଃ ପ୍ରିୟବ୍ରତ ମାଝୀ

(ପ୍ରିୟବ୍ରତ ମାଝୀ)
ମୁଖପାତ୍ର, ବିଜୁଜନତା ଦଳ


ନୂଆ ଓଡ଼ିଶା
ସଶକ୍ତ ଓଡ଼ିଶା


ନୂଆ ଓଡ଼ିଶା
ସଶକ୍ତ ଓଡ଼ିଶା
ବି ଜେ ଡି
ODISHA